ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 40 •ISSUE- 275 •BHUBANESWAR •SUNDAY •2 APRIL 2023 •PAGE-16+4 •₹ 6.00

•ବର୍ଷ-୪୦ •ସଂଖ୍ୟା-୨୭୫ •ଭୁବନେଶ୍ୱର •ରବିବାର •୨ ଏପ୍ରିଲ୍ ୨୦୨୩ •ପୃଷ୍ଠା-୧୬+୪ •ଟ.୬.୦୦ (ସିନ୍ଦୁରା ସହ)

# ବିର୍ଲା ଗ୍ଲୋବାଲ ୟୁନିଭର୍ସିଟି ପକ୍ଷରୁ ସପ୍ତମ ପ୍ରତିଷ୍ଠା ଦିବସ




**ଭୁବନେଶ୍ୱର,୧।୪(ସମିସ):** ବିର୍ଲା ଗ୍ଲୋବାଲ ୟୁନିଭର୍ସିଟି (ବିଜିୟୁ) ପକ୍ଷରୁ ସପ୍ତମ ପ୍ରତିଷ୍ଠା ଦିବସ ଉତ୍କଳ ଦିବସ ଅବସରରେ ଗୋଠପାଟଣାସ୍ଥିତ କ୍ୟାମ୍ପସରେ ପାଳିତ ହୋଇଛି। ଉତ୍ସବରେ ମୁଖ୍ୟ ଅତିଥି ଭାବେ ଉଚ୍ଚଶିକ୍ଷା ସଚିବ ବିଷ୍ଣୁପଦ ସେଠୀ ଓ ସମ୍ମାନିତ ଅତିଥି ଭାବେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାରପ୍ରାପ୍ତ ସାହିତ୍ୟିକା ଡ. ଗାୟତ୍ରୀବାଳା ପଣ୍ଡା ଯୋଗଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଜିୟୁ କୁଳପତି ପ୍ରଫେସର ପିପି ମାଥୁର କୁଳସଚିବ ବିକେ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଅତିଥିମାନଙ୍କୁ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମ୍ବର୍ଦ୍ଧିତ କରାଯିବା ସହ ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ଉତ୍କଳ ଦିବସ ଅବସରରେ ବିଶ୍ୱବିଦ୍ୟାଳୟ ପକ୍ଷରୁ ସ୍ଥାନୀୟ ବିଦ୍ୟାଳୟଗୁଡ଼ିକର ପିଲାଙ୍କ ମଧ୍ୟରେ ପ୍ରବନ୍ଧ ଓ ବକ୍ତୃତା ଆଦି କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା।